# भाकृअनुप – राष्ट्रीय चावल अनुसंधान संस्थान

**ଭା.କୃ.ଅନୁ.ପ.-ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬**

(An ISO 9001: 2015 Certified Institute)

## କୃଷି ସୂଚନା ସେବା (ଧାନ)

## ସ୍ୱାସ୍ଥ୍ୟ ଏବଂ ପରିବାର କଲ୍ୟାଣ ମନ୍ତ୍ରାଳୟ ଦ୍ୱାରା ସୂଚିତ କୋଭିଡ୍-୧୯ ର ସମସ୍ତ ନିୟମାବଳୀ ଓ ସାଧାରଣ ସତର୍କତା ବ୍ୟବସ୍ଥା ଅନୁଯାୟୀ କୃଷି କାର୍ଯ୍ୟ କରିବା ପାଇଁ ପରାମର୍ଶ

### ୨୦୨୨ ମସିହା ସେପ୍ଟେମ୍ବର ମାସ ପ୍ରଥମ ପକ୍ଷ ପାଇଁ କାର୍ଯ୍ୟପନ୍ଥା

- ଅନ୍ୟ ପୁରୁଣା ଗଛରୁ ପିଲ ବାହାର କରି କିମ୍ବା ସେହି କିସମର ବୁଢ଼ାତଳି ବଳକା ଥିଲେ ଶୂନ୍ୟ ସ୍ଥାନ ପୂରଣ କରନ୍ତୁ ଯେପରିକି ସବୁଆଡେ ଗଛ ସଂଖ୍ୟା ସମାନ ଦେଖାଦେବ ତଥା ବର୍ଗମିଟର ପିଛା ୩୩ ଟି ବୁଦା ରହିବ ।
- ବିଳମ୍ବରେ ଧାନ ତଳି ରୋଇବାର ଥିଲେ ଚାଷୀଭାଇମାନେ କମ୍ ଦିନିଆ ମଧ୍ୟମ କିସମର ୨୫ ରୁ ୩୦ ଦିନିଆ ତଳି କିମ୍ବା ଅଧିକ ଦିନିଆ କିସମର ୪୫ ରୁ ୫୦ ଦିନିଆ ତଳି ରୋଇପାରିବେ । ଅଧିକ ଦିନିଆ ତଳିକୁ ୧୫ X ୧୫ ସେ.ମି. ବ୍ୟବଧାନରେ ୪ ରୁ ୫ ଟି ତଳି ଅଳ୍ପ ଗଭୀରରେ ରୋଇବା ଉଚିତ୍ ।
- ଘାସ ନିୟନ୍ତ୍ରଣ ପାଇଁ ଏକର ପିଛା ୪ କି.ଗ୍ରା. ଘାସମରା ଦାନାଦାର ବେନ୍‌ସଲଫ୍ୟୁରାନ୍ ମିଥାଇଲ ୦.୬% + ପ୍ରେଟିଲାକ୍ଲୋର ୬% ଜି.ଆର୍. ସହିତ ୪ କି.ଗ୍ରା ବାଲି ମିଶାଇ ଧାନ ତଳି ରୋଇବାର ୫ ରୁ ୧୦ ଦିନ ପରେ ପ୍ରୟୋଗ କରନ୍ତୁ କିମ୍ବା ଘାସ ଗଜା ହେବାର ୮ ରୁ ୧୦ ଦିନ ପରେ ଅର୍ଥାତ୍ ଘାସ ୨-୩ ଟି ପତ୍ର ହୋଇଥିବା ଅବସ୍ଥାରେ ୧୨୦ ମି.ଲି. ବିସ୍‌ପାଇରିବାକ୍‌ସୋଡିୟମ୍ ୧୦% ଏସ୍.ସି. ୧୬ ଲିଟର କ୍ଷମତା ବିଶିଷ୍ଟ ସ୍ପ୍ରେୟରରେ ୮ ଟାଙ୍କି ଦ୍ରବଣ ପ୍ରୟୋଗ କରନ୍ତୁ କିମ୍ବା ଏକର ପିଛା ୯୦୦ ମି.ଲି. ପେନୋକ୍ସୁଲମ୍ + ସାଇହାଲୋଫପ୍ ବ୍ୟୁଟାଇଲ୍ (ଭିଭାୟ) କିମ୍ବା ଏକର ପିଛା ୨୪୦ ଗ୍ରାମ୍ ଫେନୋକ୍ସାପ୍ରୋ-ପି-ଇଥାଇଲ + ୫୦ ଗ୍ରାମ୍ ଇଥୋକ୍ସିସଲଫ୍ୟୁରାନ୍ (ରାଇସ୍‌ଷ୍ଟାର + ସନ୍‌ରାଇଜ୍) ଧାନ ବୁଣିବାର ୧୫ ରୁ ୨୦ ଦିନରେ ୧୬ ଲିଟର କ୍ଷମତା ବିଶିଷ୍ଟ ସ୍ପ୍ରେୟର୍‌ରେ ୮ ଟାଙ୍କି ଦ୍ରବଣ ପ୍ରୟୋଗ କରନ୍ତୁ ।
- ଯଦି ତଳିଘରାରେ ଉକୁଣିଆ ପୋକ ଦେଖାଯାଏ ତେବେଏକର ପ୍ରତି NSKE (ଆଜାଡିରାକ୍ଟିନ୍) ୮୦୦ ମି.ଲି. କିମ୍ବା ଲାମ୍ବଡାସାଇହାଲୋଥ୍ରିନ୍ ୫% ଇ.ସି. ୧୦୦ ମି.ଲି. କିମ୍ବା ଥାୟମିଥୋକ୍ସାମ୍ ୨୫% ଡବ୍ଲ୍ୟୁ.ଜି. ୪୦ ଗ୍ରାମ୍ ପ୍ରୟୋଗ କରନ୍ତୁ ।
- କାଣ୍ଡବିନ୍ଧା ପୋକ ପ୍ରାଦୁର୍ଭାବ ସମ୍ଭାବନା ଥିବା ଅଞ୍ଚଳରେ ଟ୍ରାଇକୋଗ୍ରାମା ଜାପୋନିକମ୍ ପରଜିବୀର ଅଣ୍ଡା ଏକର ପ୍ରତି ୨୦,୦୦୦ (ଅର୍ଥାତ୍ ୧-୨ଟି ଟ୍ରାଇକୋ କାର୍ଡ) ୪-୫ ଥର ବ୍ୟବହାର କରନ୍ତୁ ।
- କାଣ୍ଡବିନ୍ଧା ପୋକ ଓ ପତ୍ରମୋଡା ପୋକର ଦମନ ପାଇଁ ଏକର ପିଛା ଗୋଟିଏ ଲାଇଟଟ୍ରାପ୍ (ଆଲୋକ ଯନ୍ତା) ବ୍ୟବହାର କରନ୍ତୁ ।
- ଧାନ ଫସଲରେ କାଣ୍ଡବିନ୍ଧା ପୋକ ଏବଂ ପତ୍ରମୋଡା ପୋକର ନିରୀକ୍ଷଣ ପାଇଁ ଏକର ପିଛା ତିନୋଟି ଫେରୋମୋନ୍ ଟ୍ରାପ୍ ରଖନ୍ତୁ । ଯଦି ଗୋଟିଏ ଦିନରେ ଟ୍ରାପ୍ ପିଛା ୪ ରୁ ୫ଟି ପୁରୁଷ ପ୍ରଜାପତି ପଡନ୍ତି, ତେବେ ଏକର ପିଛା ୮୦୦ ମି.ଲି. ଆଜାଡିରାକ୍ଟିନ୍ ୦.୧୫% ଇ.ସି. କିମ୍ବା ୪ କି.ଗ୍ରା. କ୍ଲୋରାନଟ୍ରାନିଲିପ୍ରୋଲ୍ ୪% ଜି.ଆର୍. ସହିତ ବାଲି ସମାନ ଭାବରେ ମିଶାଇ କିମ୍ବା ୬୦ ମି.ଲି. କ୍ଲୋରାନ୍‌ଟ୍ରାନିପ୍ରୋଲ ୧୮.୫% ଏସ୍.ସି. କିମ୍ବା ୧୦୦ ରୁ ୧୨୦ ମି.ଲି. ଟେଟ୍ରାନିଲିପ୍ରୋଲ ୨୦୦ ଏସ୍.ସି. ୨୦୦ ଲିଟର ପାଣିରେ କିମ୍ବା ୧୦ କି.ଗ୍ରା. କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. କିମ୍ବା ୫୦ ଗ୍ରାମ୍ ଫ୍ଲୁବେନ୍‌ଡିଆମାଇଡ୍ ୨୦ ଡବ୍ଲ୍ୟୁ.ଜି. ୨୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।

- ଧାନବୁଦା ପ୍ରତି ଯଦି ୨ଟି ମୋଡାପତ୍ର ଦେଖାଯାଏ, ତେବେ ପତ୍ରମୋଡା ପୋକର ନିୟନ୍ତ୍ରଣ ପାଇଁ ଏକର ପିଛା ୬୦ ମି.ଲି. କ୍ଲୋରାନଟ୍ରାନିଲିପ୍ରୋଲ ୧୮.୫ % ଏସ୍.ସି. କିମ୍ବା ୫୦ ଗ୍ରାମ୍ ଫ୍ଲୁବେନ୍ଡିଆମାଇଡ୍ ୨୦ ଡବ୍ଲ୍ୟୁ.ଜି. କିମ୍ବା ୪୦୦ ଗ୍ରାମ୍ କାର୍ଟାପ୍ ୫୦ ଡବ୍ଲ୍ୟୁ.ପି. କିମ୍ବା ୬୪୦ ମି.ଲି. କୁଇନାଲଫସ୍ ୨୫ ଇ.ସି. ୨୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।
- ଅନ୍ୟ ପୁରୁଣା ଗଛରୁ ପିଲ ବାହାରକରି ଶୂନ୍ୟସ୍ଥାନ ପୂରଣ କରନ୍ତୁ ଯେପରିକି ସବୁଆଡେ ଗଛ ସଂଖ୍ୟା ସମାନ ଦେଖାଦେବ ତଥା ବର୍ଗ ମିଟର ପିଛା ୩୩ ଟି ବୁଦା ରହିବ ।
- ଯେଉଁ ଜମିରେ ଦସ୍ତା ପରିମାଣ କମ୍ ଥିବ, ଏକ ଏକର ପିଛା ଜିଙ୍କ୍ ଇ.ଡି.ଟି.ଏ ୧ ଲିଟର ପାଣିରେ ଅଧା ଗ୍ରାମ ମିଶାଇ ତଳି ରୋଇବାର ୩୦ ଦିନ ଏବଂ ୪୫ ଦିନ ପରେଦୁଇ ଥର ସିଞ୍ଚନ କରନ୍ତୁକିମ୍ବାଜିଙ୍କ୍ସଲଫେଟ୍ ୦.୫% (ଅର୍ଥାତ୍ ଏକର ପାଇଁ ୨ କି.ଗ୍ରା. ଜିଙ୍କ୍ ସଲଫେଟ୍ ସହିତ ୧୦ କି.ଗ୍ରା. ଚୂନକୁ ୪୦୦ ଲିଟର ପାଣିରେ ପ୍ରସ୍ତୁତ ଦ୍ରବଣ) ୧୫ ଦିନ ବ୍ୟବଧାନରେ ତିନି ଥର ସିଞ୍ଚନ କରନ୍ତୁ ।
- ପତ୍ରାଚ୍ଛଦ ପୋଡା ରୋଗ ଦମନ କରିବା ପାଇଁ ଟେବୁକୋନାଜୋଲ୍ ୫୦% ସହିତ ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% ଡବ୍ଲ୍ୟୁ.ଜି. ୦.୪ ଗ୍ରାମ୍ କିମ୍ବା ପ୍ରୋପିକୋନାଜୋଲ୍ ୭୫% ୧ ମି.ଲି. ଏକ ଲିଟର ପାଣିରେ କିମ୍ବା ହେକ୍ସାକୋନାଜଲ ୫୦% ୨ ମି.ଲି. କିମ୍ବା ଭାଲିଡାମାଇସିନ୍ ୩ ଏଲ୍ ୨ ମି.ଲି.ଏକ ଲିଟର ପାଣିରେ ମିଶାଇ ୭-୧୦ ଦିନ ଅନ୍ତରରେ ଦୁଇଥର ସିଞ୍ଚନ କରନ୍ତୁ । ଏକ ଲିଟର ପ୍ରତି ୨୦୦ ଲିଟର ଦ୍ରବଣ ପ୍ରୟୋଗ କରନ୍ତୁ ।
- ଧାନ ଗଛରେ ପତ୍ରପୋଡା/ପତ୍ରାଗାର ରୋଗ ଦେଖା ଦେଲେ ୧ ଲିଟର ପାଣିରେ କପର୍ ଅକ୍ସିକ୍ଲୋରାଇଡ୍ ୧.୫-୨.୦ ଗ୍ରାମ୍ ମିଶାଇ ସିଞ୍ଚନ କରନ୍ତୁ । ୧ ଏକର ଜମି ପାଇଁ ୨୦୦ ଲିଟର ପାଣି ଆବଶ୍ୟକ ହୋଇଥାଏ ।
- ମହିଷା ରୋଗ ଦେଖା ଦେଲେ ଏକ ଲିଟର ପାଣିରେ ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% (ନାଟିଭୋ ୭୫% ଡବ୍ଲ୍ୟୁ.ଜି.) ୦.୪ ଗ୍ରାମ୍ କିମ୍ବା ୨ ମି.ଲି. ଏଡିଫେନ୍ଫସ୍ ୫୦ ଇ.ସି. କିମ୍ବା ୦.୬ ଗ୍ରାମ୍ ଟ୍ରାଇସାଇକ୍ଲାଜୋଲ୍ ୭୫ ଡବ୍ଲ୍ୟୁ.ପି. ସିଞ୍ଚନ କରନ୍ତୁ । ନତୁବା ଏକ ଲିଟର ପାଣିରେ ସତେଜ ବେଲ ପତ୍ର ବଟା (୨୫ ଗ୍ରାମ୍ ପତ୍ର) କିମ୍ବା ତୁଳସୀ ପତ୍ର ବଟା (୨୫ ଗ୍ରାମ୍ ପତ୍ର) କିମ୍ବା ନିମ୍ବ ପତ୍ର ବଟା (୨୦୦ ଗ୍ରାମ୍ ପତ୍ର) ମିଶାଇ ସିଞ୍ଚନ କରନ୍ତୁ ।
- ବୁଣାଧାନରେ ପତ୍ରଚିତା ରୋଗ ଦେଖାଦେଲେ ଏକର ପ୍ରତି ୨୦୦ ମି.ଲି. ପ୍ରୋପିକୋନାଜୋଲ ୨୫ ଇ.ସି. କିମ୍ବା ୪୦୦ ଗ୍ରାମ୍ ମ୍ୟାଙ୍କୋଜେବ୍ ୭୫ ଡବ୍ଲ୍ୟୁ.ପି. କିମ୍ବା ୪୦୦ ଗ୍ରାମ୍ କାର୍ବେଣ୍ଡାଜିମ୍ ୫୦ ଡବ୍ଲ୍ୟୁ.ପି. କିମ୍ବା ଏକର ପ୍ରତି ୩୦୦ ଗ୍ରାମ୍ କାର୍ବେଣ୍ଡାଜିମ୍ ୬୪% + ମ୍ୟାଙ୍କୋଜେବ୍ ୮% ୭୫ ଡବ୍ଲ୍ୟୁ.ପି ଭଲ ଭାବେ ମିଶାଇ ସିଂଚନ କରନ୍ତୁ । ଏକ ଏକର ଜମି ପାଇଁ ୨୦୦ ଲିଟର ପାଣି ଆବଶ୍ୟକ ହୋଇଥାଏ
- ୪୫ ଦିନରୁ ଅଧିକ ହୋଇଥିବା ବୁଣାଧାନ ଚାଷଜମିରେ ବେଉଷଣି ନକରିବା ଉଚିତ୍ ।
- ଚାଷୀଭାଇମାନେ ଧାନ ଚାଷ ସମ୍ପର୍କରେ ଅଧିକ ସୂଚନା ବା ବିବରଣୀ ଜାଣିବାକୁ ଚାହୁଁଥିଲେ ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ ଦ୍ୱାରା ବିକଶିତ ରାଇସ୍ ଏକ୍ସପୋର୍ଟ ମୋବାଇଲ ଆପ୍ (riceXpert) ଗୁଗୁଲ୍ ପ୍ଲେଷ୍ଟୋରରୁ ଡାଉନ୍‌ଲୋଡ କରି ବ୍ୟବହାର କରିପାରିବେ ।

## ବନ୍ୟା ପରବର୍ତ୍ତୀ ଧାନ ଫସଲ ପାଇଁ କୃଷି ପରାମର୍ଶ

### ପରିସ୍ଥିତି ୧ : ସବ୍-୧ ଧାନ କିସମର ବନ୍ୟା ପରବର୍ତ୍ତୀ ନିୟନ୍ତ୍ରଣ

ଯେଉଁଠାରେ ଜଳମଗ୍ନତା ସହନଶୀଳ କିସମ ଯଥା ସ୍ୱର୍ଣ୍ଣ ସବ୍ -୧, ସି.ଆର ୧୦୦୯ ସବ୍-୧, ଆଇ.ଆର୍-୬୪ ସବ୍-୧, ବୀଣା ଧାନ-୧୧ ଇତ୍ୟାଦି ରୁଆ ହୋଇଥିଲେ ନିମ୍ନଲିଖିତ ପଦ୍ଧତି ଅବଲମ୍ବନ କରନ୍ତୁ ।

- ୫ ସେ.ମିରୁ ଅଧିକ ଜମିରହିଥିବା ପାଣିକୁ ନିଷ୍କାସନ କରିଦିଅନ୍ତୁ ।
- ସୁବିଧା ଅନୁଯାୟୀ ଧାନ ପତ୍ରରେ ମାଟି ଲାଗିଥିଲେ ସ୍ପ୍ରେୟର୍ ଦ୍ୱାରା ପାଣି ସିଂଚନ କରି ସଫା କରିଦିଅନ୍ତୁ ।
- ଅନ୍ୟ ପୁରୁଣା ଗଛରୁ ପିଲ ବାହାର କରି କିମ୍ବା ସେହି କିସମର ବୁଢ଼ାତଳି ବଳକା ଥିଲେ ଶୁନ୍ୟ ସ୍ଥାନ ପୂରଣ କରନ୍ତୁ ।
- ପାଣି ଛାଡିବାର ୫ ରୁ ୭ ଦିନ ପରେ ଏକର ପିଛା ୨% ଯୁରିଆ ୧୬ ଲିଟର କ୍ଷମତା ବିଶିଷ୍ଟ ୨୦ ଟି ଟାଙ୍କିରେ ୩୨୦ ଲିଟର ଦ୍ରବଣ ପ୍ରୟୋଗ କରନ୍ତୁ ।
- ଅନ୍ୟ କ୍ଷେତକୁ ପାଣି ପ୍ରବାହିତ ହେଉନଥିଲେ ପିଲ ବାହାରିବା ସମୟରେ ଶୀର୍ଷସାର ଭାବେ ଏକର ପିଛା ୧୨ କି.ଗ୍ରା. ଯୁରିଆ ଏବଂ ୧୦ କି.ଗ୍ରା. ଏମ୍.ଓ.ପି. ପ୍ରୟୋଗ କରନ୍ତୁ ।

**ପରିସ୍ଥିତି ୨ : ଅନ୍ୟ ଧାନ କିସମ ପାଇଁ ବନ୍ୟା ପରବର୍ତ୍ତୀ ନିୟନ୍ତ୍ରଣ**

- ଅନ୍ୟ ଧାନ କିସମ ପାଇଁ ଯଦି କିଛି ଦିନ ପାଣି ଜମି ରହିବା ଦ୍ୱାରା ଧାନ ବୁଦା ନଷ୍ଟ ହୋଇଥାଏ ତେବେ ଅନ୍ୟ ପୁରୁଣା ଗଛରୁ ପିଲ ବାହାର କରି କିମ୍ବା ସେହି କିସମର ବୁଢ଼ାତଳି ବଳକା ଥିଲେ ଶୁନ୍ୟ ସ୍ଥାନ ପୂରଣ କରନ୍ତୁ ।
- ଯଦି ଧାନ ଫସଲ ୫୦% ରୁ ଅଧିକ ନଷ୍ଟ ହୋଇଥାଏ ତେବେ ଅଧିକ ଦିନ ତଳିକୁ ୧୫ X ୧୫ ସେ.ମି. ବ୍ୟବଧାନରେ ୪ ରୁ ୫ ଟି ତଳି ରୋଇବା ଉଚିତ୍ ।
- ଯଦି ଧାନ ଫସଲ ସଂପୂର୍ଣ୍ଣ ନଷ୍ଟ ହୋଇଥିବ ତେବେ ଗଜା ହୋଇଥିବା ଥଣ୍ଡା ସହନଶୀଳ ଧାନ ବିହନ ଯଥା ଅନ୍ନପୂର୍ଣ୍ଣା, କଳିଙ୍ଗ-୨, ହୀରା, ବନ୍ଦନା ଏବଂ କଲ୍ୟାଣୀ-୨ ଇତ୍ୟାଦି ସେପ୍ଟମ୍ବର ମାସ ୨୦ ତାରିଖ ସୁଦ୍ଧା କାଦୁଆ ଜମିରେ ସିଧାବୁଣା କରିଦିଅନ୍ତୁ ।
- ମଧ୍ୟବର୍ତ୍ତୀ କିମ୍ବା ପଶ୍ଚିମ ଓଡ଼ିଶାରେ ଯଦି ଧାନ ଫସଲ ସଂପୂର୍ଣ୍ଣ ନଷ୍ଟ ହୋଇଥାଏ ତେବେ ଧାନ ଫସଲ ଛଡା ଅନ୍ୟ ଫସଲ ଯଥା ବିରି, ମୁଗ, ଝୁଡଙ୍ଗ, ଜହ୍ନି ଏବଂ କୋଳଥ ଇତ୍ୟାଦି ଚାଷ କରନ୍ତୁ ।

**ପରିସ୍ଥିତି ୩ : ବନ୍ୟାର କିଛି ଦିନ ପରେ ଶୁଖିଲା ପାଗରେ ଫସଲ କ୍ଷତିର ନିୟନ୍ତ୍ରଣ**

- ଏକର ପ୍ରତି ୫୦୦ ଲିଟର ଯୁରିଆ ୨% ସ୍ପ୍ରେ କରନ୍ତୁ ।
- ଜଳସେଚନର ସୁବିଧା ଥିଲେ ଜଳସେଚନ କରାଇ ଦିଅନ୍ତୁ ।
- ପିଲ ବାହାରିବା ସମୟରେ ଶୀର୍ଷସାର ଭାବେ ଏକର ପ୍ରତି ୧୨ କି.ଗ୍ରା ଯୁରିଆ ଏବଂ ୧୦ କି.ଗ୍ରା ଏମ୍.ଓ.ପି. ପ୍ରୟୋଗ କରନ୍ତୁ ।

*******